# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 02nd March – 2026

***********************************

## ମୁଖ୍ୟ ସମ୍ବାଦ

- ନୂତନ ଜାତୀୟ ଶିକ୍ଷାନୀତି ମାଧ୍ୟମରେ ଦେଶକୁ ବିଶ୍ୱସ୍ତରୀୟ ଶିକ୍ଷାର କେନ୍ଦ୍ର ଭାବେ ଗଢ଼ି ତୋଳିବାପାଇଁ ସରକାର କାର୍ଯ୍ୟ କରୁଛନ୍ତି; କହିଲେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ।

- ଚିଲିକାର ପାରିପାର୍ଶ୍ୱିକ ସ୍ଥିତିର ଅନୁଧ୍ୟାନ କଲେ ମହାନଦୀ ଜଳବିବାଦ ପ୍ରାଧିକରଣର ସଦସ୍ୟ ।

- ଶେଷ ହେଲା ଚଳିତବର୍ଷର ମାଟ୍ରିକ୍ ପରୀକ୍ଷା ।

— ମଇ ମାସ ଦ୍ୱିତୀୟ ସପ୍ତାହରେ ପରୀକ୍ଷାଫଳ ପ୍ରକାଶ ପାଇବା ନେଇ ବୋର୍ଡ଼ ସଭାପତିଙ୍କ ସୂଚନା ।

ଏବଂ

- ରତ୍ନଭଣ୍ଡାର ଗଣତି ମଣତି ସହ ଅନ୍ୟ ପ୍ରସଙ୍ଗ ନେଇ ଶ୍ରୀମନ୍ଦିର ପରିଚାଳନା କମିଟି ବୈଠକ ଜାରି ।

***Desk***

# ଜାତୀୟ ଶିକ୍ଷାନୀତି

ନୂତନ ଜାତୀୟ ଶିକ୍ଷାନୀତି ମାଧ୍ୟମରେ ଭାରତୀୟ ଶିକ୍ଷା ବ୍ୟବସ୍ଥାରେ ଆସିଥିବା ବୈପ୍ଳବିକ ପରିବର୍ତ୍ତନ ଏବଂ ଦେଶକୁ ଏକ ବିଶ୍ୱସ୍ତରୀୟ ଶିକ୍ଷାର କେନ୍ଦ୍ର ଭାବେ ଗଢ଼ି ତୋଳିବାପାଇଁ ସରକାର କାର୍ଯ୍ୟ କରୁଛନ୍ତି ବୋଲି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି । ନୂଆଦିଲ୍ଲୀରେ 'ଷ୍ଟଡି ଇନ୍ ଇଣ୍ଡିଆ - ଏଡୁ ଡିପ୍ଲୋମେଟିକ୍ କନ୍‌କ୍ଲେଭ୍'ରେ ଯୋଗଦେଇ କେନ୍ଦ୍ରମନ୍ତ୍ରୀ କହିଛନ୍ତି, ବିକଶିତ ଭାରତର ସଙ୍କଳ୍ପକୁ ସାକାର କରିବାପାଇଁ ଶିକ୍ଷା ସବୁଠାରୁ ଶକ୍ତିଶାଳୀ ମାଧ୍ୟମ । ଦେଶ ଆଜି ଶିକ୍ଷାକ୍ଷେତ୍ରରେ ଗୁଣବତ୍ତା, ନବସୃଜନ ଏବଂ ସୁଲଭତା ଉପରେ ଧ୍ୟାନ ଦେଉଛି । ଷ୍ଟଡି ଇନ୍ ଇଣ୍ଡିଆ ପଦକ୍ଷେପ ମାଧ୍ୟମରେ ଭାରତ ନିଜର ଶୈକ୍ଷିକ ସୀମାକୁ ବ୍ୟାପକ କରୁଛି ବୋଲି ଶ୍ରୀ ପ୍ରଧାନ କହିଛନ୍ତି ।

ଶ୍ରୀ ପ୍ରଧାନ ଏହି ଅବସରରେ ୫୦ରୁ ଅଧିକ ଦେଶର ରାଷ୍ଟ୍ରଦୂତ, ହାଇକମିଶନର ଏବଂ କୂଟନୀତିଜ୍ଞମାନଙ୍କୁ ସମ୍ବୋଧିତ କରିଥିଲେ ।

***Puri/R***

# ମହାନଦୀ ଜଳବିବାଦ

କ୍ଷେତ୍ର ପରିଦର୍ଶନ ପାଇଁ ଓଡ଼ିଶା ଗସ୍ତରେ ଆସିଥିବା ମହାନଦୀ ଜଳବିବାଦ ପ୍ରାଧିକରଣର ସଦସ୍ୟମାନେ ଆଜି ପୁରୀ ଜିଲ୍ଲାର ଚିଲିକା ଗସ୍ତ

କରିଛନ୍ତି। ଚିଲିକାରେ ସଦସ୍ୟମାନେ ଭୌଗୋଳିକ ଓ ପାରିପାର୍ଶ୍ୱିକ ସ୍ଥିତି ସମ୍ପର୍କରେ ଅବଗତ ହୋଇଥିଲେ । ଆସନ୍ତା ୭ ତାରିଖରେ ପ୍ରାଧିକରଣ ସଦସ୍ୟ ଛତିଶଗଡ଼ ଯିବାର କାର୍ଯ୍ୟସୂଚୀ ରହିଛି । ମହାନଦୀ ଜଳବିବାଦର ସମାଧାନ ନେଇ ପ୍ରାଧିକରଣର ସଦସ୍ୟମାନେ ସମ୍ବଲପୁରସ୍ଥିତ ହୀରାକୁଦ ଜଳଭଣ୍ଡାର, ମହାନଦୀ ଅବବାହିକା, ଚିପିଲିମା ପାୱାର ହାଉସ୍‌ର ସ୍ଥିତି ଅନୁଧ୍ୟାନ କରିଥିଲେ । ମହାସହ ମହାନଦୀରେ ଜଳ ଅଭାବ ଯୋଗୁଁ ପ୍ରଭାବିତ ଅଞ୍ଚଳ ଓ ଶାଖାନଦୀର ପରିସ୍ଥିତି ଯାଞ୍ଚ୍ କରିଥିଲେ । ଗତକାଲି ପ୍ରାଧିକରଣ ଅଧ୍ୟକ୍ଷ ଜଷ୍ଟିସ ବେଲା ଏମ୍. ତ୍ରିବ୍ୱେଦୀଙ୍କ ନେତୃତ୍ୱରେ ସଦସ୍ୟମାନେ ପୁରୀ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କୁ ଦର୍ଶନ କରିଥିଲେ।

***Desk***

# ରାଜ୍ୟସଭା ନିର୍ବାଚନ ବୈଠକ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଭୁବନେଶ୍ୱରସ୍ଥିତ ସରକାରୀ ବାସଭବନରେ ରାଜ୍ୟସଭା ନିର୍ବାଚନ ପ୍ରସଙ୍ଗରେ ରାଜ୍ୟ ବି.ଜେ.ପି.ର ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଦଳର ରାଜ୍ୟ ସଭାପତି ମନମୋହନ ସାମଲ, ସଙ୍ଗଠନ ସମ୍ପାଦକ ମାନସ ମହାନ୍ତିଙ୍କ ସମେତ ଅନ୍ୟ ନେତାମାନେ ଯୋଗ ଦେଇଥିଲେ । ରାଜ୍ୟସଭା ନିର୍ବାଚନ ପାଇଁ ଆସନ୍ତା ଗୁରୁବାର ଦିନ ନାମାଙ୍କନ ଶେଷ ହେଉଛି ।

# ଅମିତ୍ ଶାହା - ଓଡ଼ିଶା ଗସ୍ତ

ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ଆସନ୍ତା ଗୁରୁବାର ଦିନ ଦୁଇଦିନିଆ ଓଡ଼ିଶା ଗସ୍ତରେ ଆସିବେ । ସୁରକ୍ଷାକୁ ଦୃଷ୍ଟିରେ ରଖି ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆଙ୍କ ଅଧ୍ୟକ୍ଷତାରେ ଆଜି ଭୁବନେଶ୍ୱରଠାରେ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଆଇନ ଶୃଙ୍ଖଳା କ୍ରାଇମ୍ ବ୍ରାଞ୍ଚ ମହାନିର୍ଦ୍ଦେଶକ ବିନୟତୋଷ ମିଶ୍ର, ଗୁଇନ୍ଦା ନିର୍ଦ୍ଦେଶକ ଆର୍.ପି. କୋଚେ, ଉପକୂଳ ସୁରକ୍ଷା ଉପମହାନିର୍ଦ୍ଦେଶକ ଅରୁଣ ବୋଥ୍ରା ପ୍ରମୁଖ ଉପସ୍ଥିତ ଥିଲେ । ଶ୍ରୀ ଶାହା ଗୁରୁବାର ସନ୍ଧ୍ୟାରେ ଭୁବନେଶ୍ୱରରେ ପହଞ୍ଚିବେ । ଆସନ୍ତା ଶୁକ୍ରବାର ସକାଳେ କଟକ ମୁଣ୍ଡୁଳିସ୍ଥିତ ସି.ଆଇ.ଏସ୍.ଏଫ୍.ର ପ୍ରତିଷ୍ଠା ଦିବସରେ ଯୋଗ ଦେବାର କାର୍ଯ୍ୟସୂଚୀ ରହିଛି । ଅପରାହ୍ଣରେ ଜଟଣୀଠାରେ ଜାତୀୟ ଫୋରେନ୍‌ସିକ୍ ବିଜ୍ଞାନ ବିଶ୍ୱବିଦ୍ୟାଳୟ ଓ କେନ୍ଦ୍ରୀୟ ଫୋରେନ୍‌ସିକ୍ ବିଜ୍ଞାନ ପରୀକ୍ଷାଗାରର ଭୁବନେଶ୍ୱର କ୍ୟାମ୍ପସ୍ ପାଇଁ ଭୂମିପୂଜନ କରିବେ । ପରେ ଭୁବନେଶ୍ୱରସ୍ଥିତ ଇଡ଼୍‌କୋ ପ୍ରଦର୍ଶନୀ ପଡ଼ିଆ  ନ୍ୟାୟ ସଂହିତା ପ୍ରଦର୍ଶନୀକୁ ଉଦ୍‌ଘାଟନ କରିବାର କାର୍ଯ୍ୟସୂଚୀ ରହିଛି ।

*Desk*

## ମାଟ୍ରିକ୍ ପରୀକ୍ଷା ଫଳ

ଚଳିତ ବର୍ଷର ମାଟ୍ରିକ୍ ପରୀକ୍ଷା ଆଜି ଶେଷ ହୋଇଛି । ଆସନ୍ତା ମେ’ ମାସ ଦ୍ୱିତୀୟ ସପ୍ତାହ ମଧ୍ୟରେ ମାଟ୍ରିକ ପରୀକ୍ଷା ଫଳ ପ୍ରକାଶ ପାଇବ ବୋଲି ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ ସୂଚନା ଦେଇଛନ୍ତି। ବର୍ତ୍ତମାନ ଓ.ଏମ୍.ଆର୍. ଖାତା ଦେଖା ଆରମ୍ଭ ହୋଇଛି। ଆସନ୍ତା ୧୯ ତାରିଖରୁ ସବ୍‌ଜେକ୍‌ଟିଭ୍ ଖାତା ଦେଖା ହେବ। ଚଳିତ ବର୍ଷ ଏଥିପାଇଁ ମୋଟ୍ ୫୫ଟି କେନ୍ଦ୍ରରେ ୧୫ ହଜାର ନିରୀକ୍ଷକ ନିୟୋଜିତ ହୋଇଛନ୍ତି ବୋଲି ସଭାପତି ଶ୍ରୀ ତରାଇ କହିଛନ୍ତି। ଗତମାସ ୧୯ ତାରିଖରୁ ପରୀକ୍ଷା ଆରମ୍ଭ ହୋଇଥଲା । ଚଳିତ ବର୍ଷ ୫ ଲକ୍ଷରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ରାଜ୍ୟର ୩ ହଜାର ୮୨ଟି କେନ୍ଦ୍ରରେ ପରୀକ୍ଷା ଦେଇଥିଲେ ।

*Puri/R*

## ରତ୍ନଭଣ୍ଡାର ଗଣତି ମଣତି

ଗଜପତି ମହାରାଜା ଦିବ୍ୟସିଂହ ଦେବଙ୍କ ଅଧ୍ୟକ୍ଷତାରେ ଆଜି ପୁରୀ ଶ୍ରୀମନ୍ଦିର ପରିଚାଳନା କମିଟି ବୈଠକ ଜାରି ରହିଛି । ବୈଠକରେ ରତ୍ନଭଣ୍ଡାର ଅଳଙ୍କାର ଗଣତି ମଣତିର ସମୟ ଧାର୍ଯ୍ୟ ଓ ଗୁଣ୍ଡିଚା ମନ୍ଦିର ଖୋଲିବା ସମ୍ପର୍କରେ ଚୂଡ଼ାନ୍ତ ନିଷ୍ପତ୍ତି ଗ୍ରହଣ କରାଯିବ ବୋଲି ଜଣାପଡ଼ିଛି ।

ଗତ ୨୦୨୫-୨୬ ଆର୍ଥିକ ବର୍ଷର ସଂଶୋଧିତ ଅଟକଳ ଏବଂ ଚଳିତ ଆର୍ଥିକ ବର୍ଷର ବଜେଟ୍ ଅଟକଳ ସମ୍ପର୍କରେ ଆଲୋଚନା କରାଯାଉଛି । ବୈଠକରେ ମୁଖ୍ୟ ଶାସନ ସଚିବ ତଥା କାର୍ଯ୍ୟକାରୀ ସଭାପତି ଅନୁ ଗର୍ଗ, ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ, ଜିଲ୍ଲାପାଳ, ଏସ୍.ପି. ତଥା ମନ୍ଦିର ପରିଚାଳନା କମିଟି ସଦସ୍ୟମାନେ ଉପସ୍ଥିତ ଅଛନ୍ତି ।

***Desk, Nuapada/R***

# କର୍କଟ ଟିକାକରଣ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଦେଶବ୍ୟାପୀ ହ୍ୟୁମାନ୍ ପାପିଲୋମା ଭାଇରସ-ଏଚ୍‌ପିଭି ଟିକାକରଣ କାର୍ଯ୍ୟକ୍ରମର ଶୁଭାରମ୍ଭ କରିବା ପରେ ରାଜ୍ୟର ବିଭିନ୍ନ ଜିଲ୍ଲାରେ ଟିକାକରଣ ଜାରି ରହିଛି । ଏଚ୍‌ପିଭି ଟିକାକରଣ ଦ୍ୱାରା କିଶୋରୀମାନଙ୍କ ମଧ୍ୟରେ ଦେଖାଦେଉଥିବା ଜରାୟୁ ଗ୍ରୀବା କର୍କଟ ରୋଗରୁ ସୁରକ୍ଷା ମିଳିପାରିବ। ଏଚ୍‌ପିଭି ଟିକାକରଣ ଅଭିଯାନ ଅନ୍ତର୍ଗତ ରାଜ୍ୟର ୧୪ରୁ ୧୫ ବର୍ଷ ବୟସ ମଧ୍ୟରେ ଥିବା ୩ ଲକ୍ଷ ୩୬ ହଜାର କିଶୋରୀଙ୍କ ଟୀକାକରଣ କରାଯିବ। ଏଥିପାଇଁ ୩ ମାସ ସମୟ ଧାର୍ଯ୍ୟ କରାଯାଇଛି। ଏହି ଟୀକା ପ୍ରଥମେ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ଉପଖଣ୍ଡ ଚିକିତ୍ସାଳୟ ଏବଂ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଦିଆଯିବ। ଦ୍ୱିତୀୟ ପର୍ଯ୍ୟାୟରେ ଏହାକୁ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ପର୍ଯ୍ୟନ୍ତ ସମ୍ପ୍ରସାରଣ କରାଯିବ। ଏ ସମ୍ପର୍କରେ ଭୁବନେଶ୍ୱର ସ୍ଥିତ ଅଖିଳ ଭାରତୀୟ ଆୟୁର୍ବିଜ୍ଞାନ ସଂସ୍ଥାନ - ଏମ୍‌ସର ସ୍ତ୍ରୀରୋଗ ଓ ପ୍ରସୂତୀ ବିଭାଗର

ପ୍ରଫେସର ଡାକ୍ତର ଶ୍ୱେତା ସିଂହ ହିତାଧିକାରୀମାନଙ୍କୁ ଟିକାନେବାପାଇଁ ପରାମର୍ଶ ଦେଇଛନ୍ତି ।

***Voice (Dr. Singh) :.......***

ନୂଆପଡ଼ା ଜିଲ୍ଲା ଖଡ଼ିଆଳ ଉପଖଣ୍ଡ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ଜରାୟୁ କର୍କଟ ଟିକାକରଣ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଖଡ଼ିଆଳ ସ୍ୱାସ୍ଥ୍ୟ ଅଧିକାରୀ, ସ୍ୱାସ୍ଥ୍ୟକର୍ମୀ, ଆଶାକର୍ମୀ, ଏ.ଏନ୍.ଏମ୍., ଆୟୁଷ ଡାକ୍ତର ପ୍ରମୁଖ ଯୋଗଦେଇ କିଶୋରୀମାନେ ନାମ ପଞ୍ଜୀକରଣ କରି ବିନାମୂଲ୍ୟରେ ନିକଟସ୍ଥ ସ୍ୱାସ୍ଥ୍ୟକେନ୍ଦ୍ରରେ ଗୋଟିଏ ଡୋଜ୍ ଟିକା ନେବା ପାଇଁ ପରାମର୍ଶ ଦିଆଯାଇଛି ।

***Desk***

# ଶ୍ରୀମନ୍ଦିର - ମେଣ୍ଢାପୋଡ଼ି ନୀତି

ପୁରୀ ଶ୍ରୀମନ୍ଦିରରେ ଆଜି ସନ୍ଧ୍ୟାରେ ପରମ୍ପରା ଅନୁସାରେ ମହାପ୍ରଭୁଙ୍କ ମେଣ୍ଢାପୋଡ଼ି ନୀତି ଅନୁଷ୍ଠିତ ହେବ। ମଧ୍ୟାହ୍ନ ଧୂପନୀତି ସରିବା ପରେ ଆଜ୍ଞାମାଳ ପାଇ ମହାପ୍ରଭୁଙ୍କ ଚଳନ୍ତି ପ୍ରତିମା ଦୋଳ ଗୋବିନ୍ଦ, ଭୂଦେବୀ, ଶ୍ରୀଦେବୀ, ଦୋଳବେଦୀକୁ ବିଜେ କରିଥିଲେ। ସେଠାରେ ଗଜପତିଙ୍କ ପ୍ରତିନିଧି ମୁଦିରସ୍ତଙ୍କ ଉପସ୍ଥିତିରେ ସ୍ୱତନ୍ତ୍ର ପୂଜାର୍ଚ୍ଚନା, ହୋମ, ଦେବନୀତି, ବନ୍ଦାପନା ପରେ ଭୋଗ ଅନୁଷ୍ଠିତ ହୋଇଥିଲା। ମାରୁୱାଡ଼ି ସମ୍ପ୍ରଦାୟର ମହିଳାମାନଙ୍କ ଦ୍ୱାରା ପୂର୍ବରୁ ସଂଗୃହୀତ ଘଷିରେ ଅଗ୍ନି ସଂଯୋଗ କରାଯାଇ

ସନ୍ଧ୍ୟାରେ ମେଣ୍ଢାପୋଡ଼ି ନୀତି ଅନୁଷ୍ଠିତ ହେବ। ହୋଲିକା ରାକ୍ଷସୀଙ୍କୁ ଦହନର ପ୍ରତିଫଳନ ସ୍ୱରୂପ ଏହି ମେଣ୍ଢାପୋଡ଼ି ନୀତି ଅନୁଷ୍ଠିତ ହୋଇଥାଏ ବୋଲି ବିଶ୍ୱାସ ରହିଛି।

***Nayagarh, Sonepur, Nabarangour, Boudh, Bhadrak, Malkangiri, Kendrapara, Puri/R***

## ଜନ ଅଭିଯୋଗ ଶୁଣାଣି

ରାଜ୍ୟର ବିଭିନ୍ନ ସ୍ଥାନରେ ଯୁଗ୍ମ ଜନ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ନୟାଗଡ଼ ଜିଲ୍ଲାପାଳ ମଧୁମିତା ରଥଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶିବିରରେ ୧୦୧ଟି ଅଭିଯୋଗର ଶୁଣାଣି କରାଯାଇ ୨୦ଟି ମାମଲାର ତତ୍କାଳ ସମାଧାନ କରାଯାଇଥିଲା ।

ସୁବର୍ଣ୍ଣପୁର ଜିଲ୍ଲା ସୋନପୁର ପଞ୍ଚାୟତ ସମିତିରେ ଅନୁଷ୍ଠିତ ଶିବିରରେ ୩୭ଟି ଅଭିଯୋଗର ଶୁଣାଣି କରି ସମାଧାନ ପାଇଁ ଅତିରିକ୍ତ ଜିଲ୍ଲାପାଳ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

ନବରଙ୍ଗପୁର ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ଯୁଗ୍ମ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶିବିରରେ ୫୫ଟି ଅଭିଯୋଗର ଶୁଣାଣି କରାଯାଇଥିଲା ।

ବୌଦ୍ଧ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ଶିବିରରେ ୭୯ଟି ଅଭିଯୋଗର ଶୁଣାଣି କରି ତୁରନ୍ତ ସମାଧାନ ପାଇଁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ ।

ଭଦ୍ରକ ଜିଲ୍ଲାପାଳ ଦିଲୀପ ରାଉତରାୟ ଓ ଏସ୍.ପି ମନୋଜ ରାଉତଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଶିବିରରେ ୧୮ ଜଣଙ୍କୁ ଜିଲ୍ଲା ରେଡ୍‌କ୍ରସ୍ ପାଣ୍ଠିରୁ ୮୦ ହଜାର ଟଙ୍କାର ସହାୟତା ରାଶି ଘୋଷଣା କରାଯାଇଛି ।

ମାଲକାନଗିରି ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ' ଅନୁଷ୍ଠିତ ଜନ ଅଭିଯୋଗ ଶୁଣାଣି ଶିବିରରେ ମୋଟ୍ ୩୪ଟି ଅଭିଯୋଗର ଶୁଣାଣି କରି ତୁରନ୍ତ ସମାଧାନପାଇଁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

କେନ୍ଦ୍ରାପଡ଼ା ରାଜନଗର ବ୍ଲକଠାରେ ଆୟୋଜିତ ଶିବିରରେ ଜିଲ୍ଲାପାଳ ୧୨୫ଟି ଅଭିଯୋଗର ଶୁଣାଣି କରିଥିଲେ । ୧୪ଟି ଅଭିଯୋଗର ତୁରନ୍ତ ସମାଧାନ କରାଯାଇଥିବାବେଳେ ମୁଖ୍ୟମନ୍ତ୍ରୀଙ୍କ ରିଲିଫ୍ ପାଣ୍ଠିରୁ ୪ ଜଣଙ୍କୁ ୨୦ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଇଛି ।

ପୁରୀ ଜିଲ୍ଲାସ୍ତରୀୟ ଅଭିଯୋଗ ଶୁଣାଣି ଶିବିରରେ ୭ଟି ଅଭିଯୋଗର ତତ୍କାଳ ସମାଧାନ କରାଯାଇଥିଲା ।

***Nayagarh/R***

# ଯୁବସଂସଦ

ନୟାଗଡ଼ ଜିଲ୍ଲାସ୍ତରୀୟ ବିକଶିତ ଭାରତ ଯୁବ ସଂସଦ-୨୦୨୬ ଓଡ଼ଗାଁ ରଘୁନାଥ ସମବାୟ ମହାବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି । ମହାବିଦ୍ୟାଳୟର ଅଧ୍ୟକ୍ଷ ରାଜକିଶୋର ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ

କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ତର୍କ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । କୃତୀ ଛାତ୍ରଛାତ୍ରୀମାନଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା ।

***Boudh, Nayagarh/R***

# ବନାଗ୍ନି

ବୌଦ୍ଧ ଜିଲ୍ଲାର ପୁରୁଣାକଟକ ରେଞ୍ଜ୍ ଅନ୍ତର୍ଗତ ବିଭିନ୍ନ ଗ୍ରାମରେ ଜଙ୍ଗଲ ନିଆଁ ରୋକିବା ନେଇ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଜଙ୍ଗଲ ନିଆଁର କାରଣ, ପ୍ରତିକୂଳ ପ୍ରଭାବ ଓ ପ୍ରତିରୋଧ ବିଷୟରେ ଗ୍ରାମବାସୀଙ୍କୁ ସଚେତନ କରାଯାଇଛି ।

ନୟାଗଡ଼ ଜିଲ୍ଲା ଗଣିଆ ବନାଞ୍ଚଳ ଅଧିକାରୀଙ୍କ ତତ୍ତ୍ୱାବଧାନରେ ଜଙ୍ଗଲ ନିଆଁ ରୋକିବାପାଇଁ ସ୍ଥାନୀୟ ଲୋକଙ୍କୁ ସଚେତନ କରାଯାଇଛି । ଗଣିଆ-ରଘୁନାଥଜିଉ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଜଙ୍ଗଲ ନିଆଁ ରୋକିବା ସମ୍ପର୍କରେ ଏକ ସଚେତନତା ର୍ୟାଲି କରିଥିଲେ ।

***Boudh/R***

# ଆତ୍ମରକ୍ଷା ତାଲିମ୍ ଶିବିର

ବୌଦ୍ଧ ଆଦର୍ଶ ସ୍ନାତକ ମହାବିଦ୍ୟାଳୟର ବାଳିକାମାନଙ୍କପାଇଁ ଆତ୍ମରକ୍ଷା ତାଲିମ୍ ଶିବିର ଆୟୋଜିତ ହୋଇଯାଇଛି । ମହାବିଦ୍ୟାଳୟର ଅଧ୍ୟକ୍ଷଙ୍କ

ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ଛାତ୍ରୀମାନଙ୍କୁ ଆତ୍ମରକ୍ଷାର ବିଭିନ୍ନ କୌଶଳ ସମ୍ପର୍କରେ ପ୍ରଶିକ୍ଷଣ ଦିଆଯାଇଥିଲା ।

******